ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/COVID-19(OD)/ 935/25-12-2020

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୫ ଡିସେମ୍ବର,୨୦୨୦

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଖ୍ରୀଷ୍ଟମାସର ଆନନ୍ଦପୂର୍ଣ୍ଣ ଅବସରରେ ସମସ୍ତଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି । ସମସ୍ତଙ୍କ ଜୀବନ ଖୁସି, ଶାନ୍ତି ଓ ସମୃଦ୍ଧିରେ ଭରିଯାଉ ବୋଲି ସେ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ଜୟନ୍ତୀ ଅବସରରେ ତାଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ଅଟଳଜୀ ଜଣେ ଉତ୍ତମ ସାଂସଦ, ବିଶିଷ୍ଟ ରାଷ୍ଟ୍ରନେତା, ଅସାଧାରଣ କବି, ଉତ୍କୃଷ୍ଟ ବକ୍ତା ଓ ଭାରତ ସ୍ୱାଧୀନତା ଆନ୍ଦୋଳନର ଜଣେ ତୁଙ୍ଗ ନେତା ଥିଲେ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିସିସିଆଇ ଦ୍ୱାରା ଜାତୀୟ ଚୟନକର୍ତ୍ତା ଭାବେ ନିଯୁକ୍ତ ହୋଇଥିବାରୁ ଓଡ଼ିଶାର ପୂର୍ବତନ ଭାରତୀୟ କ୍ରିକେଟ ଖେଳାଳୀ ଦେବାଶିଷ ମହାନ୍ତିଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଏହି ଗୁରୁତ୍ୱପୂର୍ଣ୍ଣ ପଦବୀରେ ଶ୍ରୀ ମହାନ୍ତିଙ୍କ ସଫଳ କାର୍ଯ୍ୟକାଳ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ୟୁନିସେଫ୍ ସହାୟତାରେ ଏକ କ୍ୟାରିଅର ପୋର୍ଟାଲ୍ http://odishacareerportal.com ଲୋକାର୍ପଣ କରିଛି । ଓଡ଼ିଶାର ସରକାରୀ ବିଦ୍ୟାଳୟରେ ପଢୁଥିବା ୧୭ ଲକ୍ଷରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀଙ୍କୁ ସେମାନଙ୍କ କ୍ୟାରିୟର ବାବଦରେ ବିଭିନ୍ନ ବିକଳ୍ପ ବିଷୟରେ ସୂଚନା ଦେବାରେ ସହାୟକ ହେବ ବୋଲି ସେ କହିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୭,୭୦,୧୦୪ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୭,୮୬୭ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୨,୯୭୨ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୫୩ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୯୮୯ ରହିଛି ।
- ୨,୯୮୯ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

ପଠାଣି ରାଉତ
ସୂଚନା ଅଧିକାରୀ

‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’